ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1230/06-02-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୬ ଫେବୃଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ବିଚ୍ଛନ୍ଦ ଚରଣ ପ୍ରଧାନଙ୍କ ଦେହାନ୍ତରେ ଗଭୀର ଦୁଃଖ ପ୍ରକାଶ କରିଛନ୍ତି । ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିବା ସହ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ମାନ୍ୟବର ମୁଖ୍ୟମନ୍ତ୍ରୀ ସମବେଦନା ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ମତ୍ସ୍ୟଚାଷ କ୍ଷେତ୍ରରେ କାର୍ଯ୍ୟରତ ୧୫ ଲକ୍ଷ ଲୋକଙ୍କୁ ଉପକୃତ କରିବା ଲକ୍ଷ୍ୟରେ ରାଜ୍ୟ ସରକାର ମତ୍ସ୍ୟଚାଷୀଙ୍କ ଆୟ ଦ୍ୱିଗୁଣିତ କରିବା ପାଇଁ କାର୍ଯ୍ୟ କରୁଛନ୍ତି । ରାଜ୍ୟ ଆସନ୍ତା ୫ ବର୍ଷ ମଧ୍ୟରେ ମତ୍ସ୍ୟ ରପ୍ତାନୀ ୨୦,୦୦୦ କୋଟି ଟଙ୍କାକୁ ବୃଦ୍ଧି କରିବା ପାଇଁ ଲକ୍ଷ୍ୟ ରଖିଛି ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀମାନଙ୍କୁ ସଶକ୍ତ କରିବା ଉଦ୍ଦେଶ୍ୟରେ ମିଶନ ଶକ୍ତି କଟକର ୫୮ଟି ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ଶୂନ୍ୟ ପ୍ରତିଶତ ସୁଧରେ ୩ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଆନୁଷ୍ଠାନିକ ଋଣ ଯୋଗାଇ ଦେଇଛି । କଟକ ଜିଲ୍ଲା ପ୍ରଶାସନର ଏହି ପ୍ରୟାସ ଯୋଗୁଁ ଜାନୁଆରୀ ମାସରେ ୨୦୯୪ଟି ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ୪୩.୦୪ କୋଟି ଟଙ୍କାର ଋଣ ପାଇପାରିଛନ୍ତି ବୋଲି ସେ ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ 'ମୋ ସ୍କୁଲ' ଅଭିଯାନରେ ଆରମ୍ଭ ହୋଇଥିବା 'ପୋଷ୍ୟ ବିଦ୍ୟାଳୟ' କାର୍ଯ୍ୟକ୍ରମ ପ୍ରତି ପୁରାତନ ଛାତ୍ରଛାତ୍ରୀଙ୍କ ଅହେତୁକ ଆଗ୍ରହ ପ୍ରକାଶ ପାଉଥିବାରୁ ସନ୍ତୋଷ ବ୍ୟକ୍ତ କରିଛନ୍ତି । ରାଜ୍ୟର ବହୁ ବିଶିଷ୍ଟ ବ୍ୟକ୍ତି ଏବଂ ବିଭିନ୍ନ ବର୍ଗର ଲୋକଙ୍କ ଯୋଗଦାନ ଏହି କାର୍ଯ୍ୟକ୍ରମକୁ ଆହୁରି ବ୍ୟାପକ କରିଛି ବୋଲି ସେ କହିଛନ୍ତି ।

- ରାଜ୍ୟରେ ଦ୍ୱିତୀୟ ପର୍ଯ୍ୟାୟ କୋଭିଡ୍ ଟୀକାକରଣ ଅଭିଯାନରେ ଆଜି ସାମିଲ ହୋଇଛନ୍ତି ରାଜ୍ୟର ବରିଷ୍ଠ ପ୍ରଶାସନିକ ଅଧିକାରୀମାନେ । ବିଭିନ୍ନ ଜିଲ୍ଲାର ଜିଲ୍ଲାପାଳ, ଏଡିଏମ୍, ଏସ୍‌ପି ଏବଂ ଅନ୍ୟ ଜିଲ୍ଲାସ୍ତରୀୟ ଅଧିକାରୀମାନେ ଟୀକା ନେବା ସହ ଅନ୍ୟ କୋଭିଡ୍ ଯୋଦ୍ଧାଙ୍କୁ ପ୍ରୋତ୍ସାହିତ କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୮,୪୦,୭୭୨ ଟି ନମୁନା କୋଭିଡ୍‌-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୫,୫୪୮ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୨,୭୩୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୦୯ ଜଣ କୋଭିଡ୍‌-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୮୫୩ ରହିଛି ।
- ୮୫୩ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**